# ପ୍ରେସ ନୋଟ

## ଆଜି ଅନୁଗୋଳ ଜିଲ୍ଲାରୁ ୧୬୦ଜଣ କରୋନା ପଜିଟିଭ ଚିହ୍ନଟ ।

**ପଜିଟିଭ ସଂଖ୍ୟା ୪୬୧୨୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୪୬ଜଣ ।**

ଅନୁଗୋଳ,ତା.୨୨.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୧୬୦ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫୧ଜଣ(୩୧ଜଣ ପୁରୁଷ ଓ ୨୦ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୪୦ଜଣ ( ୨୫ଜଣ ପୁରୁଷ ଓ ୧୫ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୫ଜଣ ( ୧୨ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୩ଜଣ ( ୧୦ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୨ଜଣ ( ୧୦ଜଣ ପୁରୁଷ ଓ ୨ଜଣ ମହିଳା) , କିଶୋରନଗର ବ୍ଲକ୍ ଅଂଚଳରୁ ୧୦ଜଣ (୯ଜଣ ପୁରୁଷ ଓ ୧ଜଣ ମହିଳା) , ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୮ଜଣ ( ୭ଜଣ ପୁରୁଷ ଓ ୧ଜଣ ମହିଳା) , ତାଳଚେର ପୌରାଞ୍ଚଳରୁ ୫ଜଣ (୩ଜଣ ପୁରୁଷ ଓ ୨ଜଣ ମହିଳା) , ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୪ଜଣ (୩ଜଣ ପୁରୁଷ ଓ ୧ଜଣ ମହିଳା) ଓ କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ) ଅଛନ୍ତି । ଲକ୍ଷଣଯୁକ୍ତ ଆକ୍ରାନ୍ତଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରୀକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୪୦୩ଜଣ ମୃତ୍ୟୁବରଣ କଲେଣି । ଆଜି ଅନୁଗୋଳ ଜିଲ୍ଲାରୁ ୪୬ଜଣ ସୁସ୍ଥ ହୋଇଛନ୍ତି । ଆଜି ସୁଦ୍ଧା ୧୫ଲକ୍ଷ ୭୪ ହଜାର ୩୩୩ଜଣଙ୍କୁ ଟିକା ଦିଆଗଲାଣି ।

୧୫ ରୁ ୧୮ ବର୍ଷ ବୟସ ପିଲା ୧୦୯୫ ଜଣ ଟୀକା ନେଇଥିବାବେଳେ Precaution ଡୋଜ୍ ୨୪୮ଜଣ ନେଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା ୬୧ ତା. ୨୨.୦୧.୨୦୨୨ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(signature) ୨୨/୧/୨୦୨୨

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ